# ଆସନ୍ତାକାଲି ଠୁ ଓଡ଼ିଶାରେ ଏସଆଇଆର:

- ଭୋଟର ତାଲିକା ର ସ୍ୱତନ୍ତ୍ର ସଘନ ସଂଶୋଧନକୁ ନେଇ ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ସାମ୍ବାଦିକ ସମ୍ମିଳନୀ।
- ୩୦ ମଇ ରୁ ୨୮ ଜୁନ ୨୦୨୬ ପର୍ଯ୍ୟନ୍ତ ବୁଥ ସ୍ତରୀୟ ଅଧିକାରୀ ନିର୍ବାଚକଙ୍କ ଘରକୁ ଘର ପରିଦର୍ଶନ ଏବଂ ପରିଗଣନା ଫର୍ମ ବଣ୍ଟନ ଓ ସଂଗ୍ରହ ।
- ୦୫ ଜୁଲାଇ ରେ ଚିଠା ଭୋଟର ତାଲିକା ପ୍ରକାଶନ।
- ୦୫ ଜୁଲାଇ ରୁ ଅଗଷ୍ଟ ୦୪ ପର୍ଯ୍ୟନ୍ତ ଦାବି ଓ ଆପତ୍ତି ଦାଖଲ ।
- ସେପ୍ଟେମ୍ବର ୬ ରେ ପ୍ରକାଶ ପାଇବ ଚୂଡାନ୍ତ ଭୋଟର ତାଲିକା।

ଭୁବନେଶ୍ୱର,୨୯ ମଇ ୨୦୨୬.

ଆସନ୍ତାକାଲି ଠୁ ରାଜ୍ୟର ହେବାକୁ ଥିବା ସ୍ୱତନ୍ତ୍ର ସଘନ ସଂଶୋଧନ (ଏସଆଇଆର)–୨୦୨୬ କାର୍ଯ୍ୟକ୍ରମ ପାଇଁ ଏକ ବିସ୍ତୃତ ଉପସ୍ଥାପନା ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ ମିଡ଼ିଆ ସେଣ୍ଟର ରେ ଆୟୋଜିତ ହୋଇଯାଇଛି।




ଏହି ସମ୍ମିଳନୀରେ ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ ଶ୍ରୀ ଆର ଏସ ଗୋପଲନ ଅଧକ୍ଷତା କରି କହିଥିଲେ ଯେ, ନିର୍ବାଚନ କମିଶନଙ୍କ ନିର୍ଦ୍ଦେଶାନୁଯାୟୀ ଓଡ଼ିଶାରେ ଭୋଟର ତାଲିକାର ସ୍ୱତନ୍ତ୍ର ସଘନ ସଂଶୋଧନ ପ୍ରକ୍ରିୟା ପାଇଁ ସମୟସୂଚୀ ଘୋଷଣା କରାଯାଇଛି। ଘୋଷିତ କାର୍ଯ୍ୟସୂଚୀ ଅନୁଯାୟୀ, ୦୧ ଜୁଲାଇ ୨୦୨୬ ଏସ ଆଇ ଆର ପାଇଁ ଯୋଗ୍ୟତା ତାରିଖ ଧାର୍ଯ୍ୟ କରାଯାଇଛି। ୨୯ ମଇ ୨୦୨୬ ସୁଦ୍ଧା ରାଜ୍ୟରେ ପ୍ରିଣ୍ଟିଂ, ପ୍ରସ୍ତୁତି କାର୍ଯ୍ୟ ଶେଷ ହୋଇଥିବାବେଳେ ବିଏଲଓ ମାନଙ୍କର ପ୍ରଶିକ୍ଷଣ ମଧ ଶେଷ ହୋଇଛି।

୩୦ ମଇ ରୁ ୨୮ ଜୁନ ୨୦୨୬ ପର୍ଯ୍ୟନ୍ତ ବିଏଲଓମାନେ ନିର୍ବାଚକ ଙ୍କ ଘରକୁ ଯାଇ ପ୍ରତ୍ୟେକ ନିର୍ବାଚକ ପାଇଁ ଦୁଇଟି ପରିଗଣନା ଫର୍ମ ପ୍ରଦାନ କରିବେ। ଏଥିରେ ନିର୍ବାଚକ ଙ୍କ ବ୍ୟକ୍ତିଗତ ବିବରଣୀ, ପରିବାର ସଦସ୍ୟଙ୍କ ସୂଚନା ଏବଂ ୨୦୦୨ ମସିହାର ଭୋଟର ତାଲିକା ସମ୍ବନ୍ଧୀୟ ତଥ୍ୟ ଦେବାକୁ ପଡିବ। ବିଏଲଓ ମାନେ ପରିଦର୍ଶନ ସମୟରେ ସେମାନଙ୍କ ର ତଥ୍ୟ ଯାଞ୍ଚ କରିବେ ଓ ସେମାନଙ୍କ ସାମାନ୍ୟ ତ୍ରୁଟି କୁ ସଂଶୋଧନ କରିବେ।

ସେହିପରି ଜଣେ ବି ଯୋଗ୍ୟ ଭାରତୀୟ ଭୋଟର ଯେମିତି ବାଦ୍ ନ ପଡନ୍ତି ଓ ଅଯୋଗ୍ୟ ଭୋଟର ଯେମିତି ଭୋଟର ତାଲିକାରେ ଅନ୍ତର୍ଭୁକ୍ତ ନ ହୁଅନ୍ତି ସେଥିପ୍ରତି ବିଏଲଓ ମାନଙ୍କୁ ସଜାଗ ରହିବାକୁ ଶ୍ରୀ ଗୋପଲନ ନିର୍ଦ୍ଦେଶ ଦେଇଛନ୍ତି।

୨୮ ଜୁନ୨୦୨୬ ସୁଦ୍ଧା ମତଦାନ କେନ୍ଦ୍ର ଗୁଡିକର ପୁନର୍ବିନ୍ୟାସ ।ପରେ ୦୫ ଜୁଲାଇ ରେ ଚିଠା ଭୋଟର ତାଲିକା ପ୍ରକାଶ କରାଯିବ।୦୫ ଜୁଲାଇ ରୁ ଅଗଷ୍ଟ ୦୪ ପର୍ଯ୍ୟନ୍ତ ଦାବି ଓ ଆପତ୍ତି ଦାଖଲ ସମୟସୀମା ଧାର୍ଯ୍ୟହୋଇଥିବାବେଳେ,୦୫ ଜୁଲାଇ୨୦୨୬ ରୁ ୦୨ ସେପ୍ଟେମ୍ବର ୨୦୨୬ ପର୍ଯ୍ୟନ୍ତ ନୋଟିସ ପର୍ଯ୍ୟାୟ/ଦାବି ଓ ଆପତ୍ତିର ସମାଧାନ ଓ ୦୬ ସେପ୍ଟେମ୍ବର ୨୦୨୬ ରେ ଚୂଡାନ୍ତ ଭୋଟର ତାଲିକା ପ୍ରକାଶ ପାଇବ।

ଏସ ଆଇ ଆର ପାଇଁ ପ୍ରସ୍ତୁତି ପର୍ଯ୍ୟାୟରେ, ମୋଟ ନିର୍ବାଚକଙ୍କ ମଧ୍ୟରୁ ୩,୧୬,୦୩,୩୨୩ ଜଣ ନିର୍ବାଚକ ଅର୍ଥାତ୍ ୯୪.୭୧% ନିର୍ବାଚକଙ୍କୁ ୨୦୦୨ ମସିହାରେ ପ୍ରକାଶିତ ଶେଷ SIR ସମୟର ଭୋଟର ତାଲିକା ସହିତ ମ୍ୟାପ୍ କରାଯାଇଛି। ପ୍ରାକ୍-SIR

ପର୍ଯ୍ୟାୟରେ ଯେଉଁ ନିର୍ବାଚକମାନଙ୍କୁ ମ୍ୟାପ୍ କରାଯାଇପାରିନଥିଲା, ସେମାନେ ମଧ SIR ସମୟରେ ଯଥୋଚିତ ସୂଚନା ଦାଖଲ କଲେ ମ୍ୟାପ୍ ହୋଇପାରିବେ।

ଏସ ଆଇ ଆର ସମୟରେ ୪୫ ହଜାର ୨୫୫ ଜଣ ବୁଥ ସ୍ତରୀୟ ଅଧିକାରୀ ନିର୍ବାଚକଙ୍କ ଘରକୁ ଘର ଯାଇ ପରିଗଣନା ଫର୍ମ ବଣ୍ଟନ ଓ ସଂଗ୍ରହ କରିବେ।

ସ୍ୱତନ୍ତ୍ର ସଘନ ସଂଶୋଧନ କୁ ସମ୍ପୂର୍ଣ୍ଣ ସ୍ୱଛତା ଏବଂ ରାଜନୈତିକ ଦଳମାନଙ୍କ ପୂର୍ବ ସହଭାଗୀତା ସହ କାର୍ଯ୍ୟାନ୍ୱୟନ କରିବାପାଇଁ, ମୁଖ୍ୟ ନିର୍ବାଚନ ଅଧିକାରୀ, ଓଡିଶା ସମସ୍ତ ରାଜନୈତିକ ଦଳଙ୍କୁ ପ୍ରତ୍ୟେକ ମତଦାନ କେନ୍ଦ୍ର ପାଇଁ ବୁଥ୍ ସ୍ତରୀୟ ଏଜେଣ୍ଟ (ବିଏଲଏ) ନିଯୁକ୍ତ କରିବାକୁ ଅନୁରୋଧ କରିଛନ୍ତି। ଏବେ ସୁଦ୍ଧା ରାଜ୍ୟରେ ସ୍ୱୀକୃତିପ୍ରାପ୍ତ ରାଜନୈତିକ ଦଳ ତରଫରୁ ମୋଟ ୩୩ ହଜାର ୨୭  ଜଣଙ୍କୁ ନିଯୁକ୍ତ କରାଯାଇଛି।

ଘରକୁ ଘର ପରିଗଣନା ସମୟରେ, ପ୍ରତ୍ୟେକ ଭୋଟରଙ୍କୁ ବିଏଲଓଙ୍କ ଜରିଆରେ ଦୁଇଟି ଲେଖାଏଁ ପୂର୍ବମୁଦ୍ରିତ ପରିଗଣନା ଫର୍ମ (ସଂଲଗ୍ନ-III) ଯୋଗାଇ ଦିଆଯିବ । ପୂରଣ ହୋଇଥିବା ଫର୍ମର ଗୋଟିଏ ନକଲ ବିଏଲଓ ସଂଗ୍ରହ କରିବେ ଏବଂ ଦ୍ୱିତୀୟ ନକଲରେ ନିଜ ଦସ୍ତଖତ କରି ଭୋଟରଙ୍କୁ ରସିଦ ବା ସ୍ୱୀକୃତି ପତ୍ର ଭାବେ ଫେରସ୍ତ କରିବେ, ଯାହାକୁ ଭୋଟର ଭବିଷ୍ୟତ ପାଇଁ ସାଇତି ରଖିବେ ।

ଭୋଟରମାନେ ଚାହିଁଲେ ନିର୍ବାଚନ କମିଶନଙ୍କ ସରକାରୀ ୱେବସାଇଟ୍ (voters.eci.gov.in) ରୁ ଏହି ଫର୍ମ ଡାଉନଲୋଡ୍ କରିପାରିବେ ଏବଂ ପୂରଣ ପରେ ସେହି ପୋର୍ଟାଲ ମାଧ୍ୟମରେ ହିଁ ଅନଲାଇନ୍ ଅପଲୋଡ୍ କରିପାରିବେ ।

ଫର୍ମ ପୂରଣ କରିବାରେ କୌଣସି ସମସ୍ୟା ହେଲେ ବିଏଲଓ ସମ୍ପୃକ୍ତ ଭୋଟରଙ୍କୁ ସମ୍ପୂର୍ଣ୍ଣ ସହାୟତା ଯୋଗାଇଦେବେ । ଏହାସହ ନୂଆ ନିର୍ବାଚକ ଭାବେ ନାମ ପଞ୍ଜୀକରଣ କରିବାକୁ ଚାହୁଁଥିବା ଯୋଗ୍ୟ ବ୍ୟକ୍ତିଙ୍କୁ ବିଏଲଓ ସେହି ସମୟରେ ଫର୍ମ-୬ ସହ ସ୍ୱତନ୍ତ୍ର ଘୋଷଣାପତ୍ର (ସଂଲଗ୍ନ-IV) ପ୍ରଦାନ କରିବେ ।

ସେହିପରି ରାଜ୍ୟରେ ଗ୍ରୀଷ୍ମ ପ୍ରବାହକୁ ଦୃଷ୍ଟିରେ ରଖି ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ ଗ୍ରହଣ କରିଛନ୍ତି। ସ୍ୱତନ୍ତ୍ର ସଘନ ସଂଶୋଧନ କାର୍ଯ୍ୟରେ ନିଯୁକ୍ତ ବୁଥ୍ ସ୍ୱରୀୟ ଅଧିକାରୀ ମାନଙ୍କ ସୁରକ୍ଷା ପାଇଁ ଏକ ସ୍ୱତନ୍ତ୍ର ମାର୍ଗଦର୍ଶିକା ଜାରି କରାଯାଇଛି। ସକାଳ ୬  ରୁ ଦିନ୧୧ ,ଅପରାହ୍ନ ୪ ରୁ ସନ୍ଧ୍ୟା ୭ଟା ପର୍ଯ୍ୟନ୍ତ ଫିଲଡ଼ ୱାର୍କ ଏବଂ  ଦିନ ୧୨ ରୁ ଅପରାହ୍ନ ୩ଟା ଯାଏଁ  ଫିଲଡ଼  ୱାର୍କ ନ କରିବାକୁ ନିର୍ଦ୍ଦେଶ ଦିଆଯାଇଛି।

କର୍ତ୍ତବ୍ୟ ସମୟରେ  ବିଏଲଓ ମାନେ ଯଦି କୌଣସି ଅପ୍ରୀତିକର ପରିସ୍ଥିତି ର ସମ୍ମୁଖୀନ ହୁଅନ୍ତି ତେବେ ତୁରନ୍ତ ସେମାନଙ୍କୁ ସୁରକ୍ଷା ଯୋଗାଇଦେବାକୁ ସମସ୍ତ ଜିଲ୍ଲା ର ଆରକ୍ଷୀ ଅଧିକ୍ଷକ ଓ ନିର୍ବାଚକ ପଞ୍ଜିକରଣ ଅଧିକାରୀଙ୍କ ସହ ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ ଆଲୋଚନା କରିଛନ୍ତି।

ଏହି ସାମ୍ବାଦିକ ସମ୍ମିଳନୀ ରେ ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ ଶ୍ରୀ ଆର ଏସ ଗୋପାଳନ ଙ୍କ ସମେତ ଅତିରିକ୍ତ ସିଇଓ ଶ୍ରୀ ସୁଶାନ୍ତ କୁମାର ମିଶ୍ର, ଯୁଗ୍ମ ସିଇଓ ଶ୍ରୀ ଗୋପୀନାଥ କୁଅଁର,ଡେପୁଟି ସିଇଓ ଡ଼.ଲକ୍ଷ୍ମୀପ୍ରସାଦ ସାହୁ ପ୍ରମୁଖ ଉପସ୍ଥିତ ଥିଲେ।

ବିଜୟାନନ୍ଦ ମଲ୍ଲିକ
ଲୋକସମ୍ପର୍କ ଅଧିକାରୀ
ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ ,ଭୁବନେଶ୍ୱର